ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

News ID-IPR/SDTE(Od)/237/20-02-2024

# ଭୁବନେଶ୍ୱରରେ ଦୁଇଦିନିଆ 'ନୂଆ ଓଡ଼ିଶା ବିଶ୍ୱ ଅଭିବୃଦ୍ଧି ଓ ନିଯୁକ୍ତି' ସମ୍ମିଳନୀ ଉଦ୍‌ଯାପିତ

## ରାଜ୍ୟର ଦ୍ରୁତ ଅଭିବୃଦ୍ଧି, ନିବେଶ ସମ୍ଭାବନା, ଦକ୍ଷତା ବିକାଶ ଓ ନିଯୁକ୍ତି ସୁଯୋଗ ଉପରେ ବିସ୍ତୃତ ଆଲୋଚନା

ଭୁବନେଶ୍ୱର, ୨୦/୦୨/୨୦୨୪

ବିଭିନ୍ନ କ୍ଷେତ୍ରରେ ଲଗାତାର ଅଭିବୃଦ୍ଧି ସହ ଓଡ଼ିଶାରେ ଆଜି ରୂପାନ୍ତରଣର ଏକ ନୂଆ ଚିତ୍ର ସ୍ପଷ୍ଟ ହୋଇପାରିଛି । ରାଜ୍ୟରେ ଆଧୁନିକ ଶିଳ୍ପ ପ୍ରତିଷ୍ଠା ପାଇଁ ନିବେଶକଙ୍କୁ ଆକୃଷ୍ଟ କରିବା ସହ ଦକ୍ଷତା ବିକାଶ କ୍ଷେତ୍ରରେ ଓଡ଼ିଶା ସାରା ଦେଶରେ ଏକ ଆଗଧାଡ଼ିର ରାଜ୍ୟ ଭାବେ ପରିଚୟ ହାସଲ କରିଛି । ଏହି ଅଭିବୃଦ୍ଧି ହାରକୁ ଦୀର୍ଘସ୍ଥାୟୀ କରିବା ସହ ଯୁବପିଢ଼ିଙ୍କୁ ସୁଦକ୍ଷ କରି ଭବିଷ୍ୟତର ମାନବ ସମ୍ବଳ ଆବଶ୍ୟକତା ଲାଗି ପ୍ରସ୍ତୁତ କରିବାକୁ ଭୁବନେଶ୍ୱରରେ ଚାଲିଥିବା ପ୍ରଥମ 'ନୂଆ ଓଡ଼ିଶା ବିଶ୍ୱ ଅଭିବୃଦ୍ଧି ଓ ନିଯୁକ୍ତି ସମ୍ମିଳନୀ'ରେ ବ୍ୟାପକ ମାନସମନ୍ଥନ ହୋଇଛି ।

ଏହି ଦୁଇଦିନିଆ ସମ୍ମିଳନୀ ମଙ୍ଗଳବାର ଦିନ ଉଦ୍‌ଯାପିତ ହୋଇଯାଇଛି । ଏଥିରେ ଦେଶର ବିଭିନ୍ନ ପ୍ରାନ୍ତରୁ ଆସିଥିବା ପ୍ରମୁଖ ଶିଳ୍ପ ନେତୃତ୍ୱ, ବୈଷୟିକ ଶିକ୍ଷା ଓ ଦକ୍ଷତା ବିକାଶ ତଥା ନିଯୁକ୍ତି ଓ ମାନବ ସମ୍ବଳ ବିକାଶ କ୍ଷେତ୍ରର ପ୍ରମୁଖ ବ୍ୟକ୍ତିତ୍ୱ ଏବଂ ବିଶେଷଜ୍ଞମାନେ ଯୋଗ ଦେଇଥିଲେ । ସେମାନଙ୍କ ସହ ରାଜ୍ୟ ସରକାରଙ୍କ ବରିଷ୍ଠ ଅଧିକାରୀ, ବିଶେଷକରି ଦକ୍ଷତା ବିକାଶ କ୍ଷେତ୍ର ସହ ଜଡ଼ିତ ପ୍ରଶାସକ ଓ ପ୍ରଶିକ୍ଷକମାନେ ବିଭିନ୍ନ ଅଧିବେଶନରେ ଯୋଡ଼ି ହୋଇଥିଲେ ।

ଏହି କାର୍ଯ୍ୟକ୍ରମରେ ୧୬ଟି ବିଶେଷ ଅଧିବେଶନ ଜରିଆରେ ସେମାନେ ଭବିଷ୍ୟତର ଶିଳ୍ପ ପାଇଁ ଓଡ଼ିଶାରେ ରହିଥିବା ସମ୍ଭାବନା ତଥା ଭବିଷ୍ୟତ ଲାଗି ମାନବ ସମ୍ବଳ ପ୍ରସ୍ତୁତି ବିଷୟରେ ବିସ୍ତୃତ ଆଲୋଚନା କରିଥିଲେ । ରାଜ୍ୟ ସରକାରଙ୍କ ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗ ପକ୍ଷରୁ ଆୟୋଜିତ ଏହି ଅନ୍ତର୍ଜାତୀୟ ସମ୍ମିଳନୀରେ ଯୋଗ ଦେଇଥିବା ପ୍ରମୁଖ ବ୍ୟକ୍ତିତ୍ୱ ଓ ବିଶେଷଜ୍ଞମାନେ ସେମାନଙ୍କ ମତ ଓ ପରାମର୍ଶ ଉପସ୍ଥାପନ କରିଥିଲେ ।

ମଙ୍ଗଳବାର ଦିନ ଏ ସମ୍ପର୍କରେ ଏକ ସାମ୍ବାଦିକ ସମ୍ମିଳନୀ କରାଯାଇଥିଲା । ଏଥିରେ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଉଷା ପାଢ଼ୀ ଯୋଗଦେଇ କହିଥିଲେ ଯେ, ଆଧୁନିକ ଶିଳ୍ପ ପ୍ରତିଷ୍ଠା ପାଇଁ ଓଡ଼ିଶାରେ ଅପାର ସମ୍ଭାବନା ରହିଛି । ରାଜ୍ୟ ସରକାରଙ୍କ ଅନୁକୂଳ ଶିଳ୍ପ ନୀତି ଆଜି ଦେଶବିଦେଶର ନିବେଶକମାନଙ୍କୁ ବିଶେଷ ଭାବେ ଆକୃଷ୍ଟ କରୁଛି । ପାରମ୍ପରିକ ଶିଳ୍ପ ସହ ଆଇଟି ଏବଂ ଆଇଟିଇଏସ୍, ମାନୁଫାକଚରିଂ, ଲଜିଷ୍ଟିକ୍ ଓ ସପ୍ଲାଏ ଚେନ୍ ତଥା ବିଭିନ୍ନ ସେବା କ୍ଷେତ୍ର ଲାଗି ଓଡ଼ିଶାରେ ବ୍ୟାପକ ସମ୍ଭାବନା ରହିଛି । ଏହାଛଡ଼ା ଆଗାମୀ କାଲିର ଶିଳ୍ପ ଓ ବିଭିନ୍ନ କ୍ଷେତ୍ରର ଯେଉଁ ମାନବ ସମ୍ବଳର ଆବଶ୍ୟକତା ରହିଛି ତାହା ଆଜିଠାରୁ ପ୍ରସ୍ତୁତ କରିବା ପାଇଁ ଆମ ରାଜ୍ୟ ପ୍ରସ୍ତୁତ ହେଉଛି । ଏହି ଦୁଇଦିନିଆ ସମ୍ମିଳନୀରେ ଏହିସବୁ ବିଷୟରେ ଯେଉଁ ବ୍ୟାପକ ଆଲୋଚନା ହେଲା ତାହା ଆମକୁ ଏକ ନୂଆ ମାର୍ଗଦର୍ଶନ ଦେବାରେ ସହାୟକ ହେବ ।

ସୋମବାର ଦିନ ସମ୍ମିଳନୀକୁ ଉଦଘାଟନ କରିବା ଅବସରରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଥିଲେ ଯେ, ଏଭଳି କାର୍ଯ୍ୟକ୍ରମ ରାଜ୍ୟର ଦୀର୍ଘସ୍ଥାୟୀ ବିକାଶ ତଥା ଭବିଷ୍ୟତ ଲାଗି ଯୁବପିଢ଼ିଙ୍କ ଦକ୍ଷତା ବୃଦ୍ଧି ପରିପ୍ରେକ୍ଷୀରେ ନୂଆ ବାଟ ଦେଖାଇବ । ସେହିପରି ୫-ଟି ଓ ନବୀନ ଓଡ଼ିଶା ଅଧକ୍ଷ ଶ୍ରୀଯୁକ୍ତ କାର୍ତ୍ତିକ ପାଣ୍ଡିଆନ୍ ଯୋଗଦେଇ ଓଡ଼ିଶାର ରୂପାନ୍ତରଣର ନୂଆ ଯୁଗ ସମ୍ପର୍କରେ ଉପସ୍ଥାପନା କରିଥିଲେ ।

ସମ୍ମିଳନୀର ପ୍ରଥମ ଦିନରେ ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗର ମାନ୍ୟବର ମନ୍ତ୍ରୀ ଶ୍ରୀଯୁକ୍ତ ପ୍ରୀତିରଞ୍ଜନ ଘଡ଼ାଇ ଯୋଗ ଦେଇଥିଲେ । ସେ କହିଥିଲେ ଯେ, ସ୍କିଲ୍ଡ-ଇନ୍-ଓଡ଼ିଶା ଏକ ବିଶ୍ୱସ୍ତରୀୟ ବ୍ରାଣ୍ଡ ହୋଇଥିବାବେଳେ ଓଡ଼ିଶା ଏକ ପ୍ରମୁଖ ଦକ୍ଷତା ବିକାଶ କେନ୍ଦ୍ର ଭାବେ ପରିଗଣିତ ହେଉଛି । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ମାର୍ଗଦର୍ଶନରେ ଆୟୋଜିତ ଏହି ସମ୍ମିଳନୀ ପ୍ରମୁଖ ନିଯୁକ୍ତିଦାତା ଏବଂ ନିବେଶକମାନଙ୍କୁ ଆକୃଷ୍ଟ କରିବାରେ ସହାୟକ ହେବ ।

ସମ୍ମିଳନୀର ଦ୍ୱିତୀୟ ଦିନରେ 'ମିଶନ ଶକ୍ତି ଓଡ଼ିଶା' ଶୀର୍ଷକରେ ଏକ ବିଶେଷ ଅଧିବେଶନ ହୋଇଥିଲା । ଏଥିରେ ମିଶନ ଶକ୍ତି ବିଭାଗର ସଚିବ ଶ୍ରୀମତୀ ସୁଜାତା ରାଉତ କାର୍ତ୍ତିକେୟନ୍ ଯୋଗଦେଇ ରାଜ୍ୟରେ ମହିଳା ସଶକ୍ତିକରଣର ସୁଦୂରପ୍ରସାରୀ ସୁଫଳ ସମ୍ପର୍କରେ କହିଥିଲେ । ରାଜ୍ୟର ଦ୍ରୁତ ଅଭିବୃଦ୍ଧି ପଛରେ ୭୦ ଲକ୍ଷରୁ ଅଧିକ ମହିଳା ଶକ୍ତିଙ୍କର ହାତ ରହିଛି ବୋଲି ସେ ବର୍ଣ୍ଣନା କରିଥିଲେ ।

ଏହାସହ ମଙ୍ଗଳବାର ଦିନ ବିଭିନ୍ନ ବିଷୟରେ ହୋଇଥିବା ବୈଷୟିକ ଅଧିବେଶନରେ ପୂର୍ବତନ ଶିଳ୍ପ ନେତୃତ୍ୱ ତଥା ବିଜେଡିର ରାଷ୍ଟ୍ରୀୟ ମୁଖପାତ୍ର ଡକ୍ଟର ସଂତୃପ୍ତ ମିଶ୍ର, ଶିଳ୍ପ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀଯୁକ୍ତ ହେମନ୍ତ ଶର୍ମା ଏବଂ ସୂଚନା ଓ ଲୋକସମ୍ପର୍କ ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀଯୁକ୍ତ ସଞ୍ଜୟ କୁମାର ସିଂ ପ୍ରମୁଖ ଯୋଗ ଦେଇଥିଲେ ।

ଉଦଯାପନୀ କାର୍ଯ୍ୟକ୍ରମରେ ଦକ୍ଷତା ବିକାଶ ଓ ବୈଷୟିକ ଶିକ୍ଷା ବିଭାଗର ପ୍ରମୁଖ ଶାସନ ସଚିବ ଶ୍ରୀମତୀ ଉଷା ପାଢ଼ୀ ଏବଂ ଓଡ଼ିଶା ଦକ୍ଷତା ବିକାଶ ପ୍ରାଧୀକରଣର ଅଧକ୍ଷା ତଥା ବଶ୍ୱ ଦକ୍ଷତା କେନ୍ଦ୍ରର ସିଇଓ ଶ୍ରୀମତୀ ଅଳକା ମିଶ୍ର ଯୋଗ ଦେଇଥିଲେ । ଦେଶର ବିଭିନ୍ନ ପ୍ରାନ୍ତରୁ ଆସିଥିବା ପ୍ରମୁଖ ଶିଳ୍ପ ବ୍ୟକ୍ତିତ୍ୱ ଓ ମାନବ ସମ୍ବଳ ଓ ଦକ୍ଷତା ବିକାଶ ବିଶେଷଜ୍ଞମାନଙ୍କ ସକ୍ରିୟ ଯୋଗଦାନ ପାଇଁ ରାଜ୍ୟ ସରକାରଙ୍କ ପକ୍ଷରୁ ସେମାନଙ୍କୁ ଧନ୍ୟବାଦ ଦିଆଯାଇଥିଲା ।

ସରୋଜ କୁମାର ଶତପଥୀ<br>ସୂଚନା ଅଧିକାରୀ